ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail: iprsec.or@nic.in

News ID-IPR/S&ME(OD)/823/04-12-2020

# 'ମୋ ସ୍କୁଲ' ଅଭିଯାନ ପ୍ରକଳ୍ପକୁ ୧୦.୭୫ କୋଟି ଟଙ୍କା ଅନୁମୋଦନ

ଭୁବନେଶ୍ୱର, ତା.୦୪/୧୨/୨୦୨୦

'ମୋ ସ୍କୁଲ' ଅଭିଯାନର ୧୯ତମ କାର୍ଯ୍ୟକାରୀ ପରିଷଦ ବୈଠକ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗର ପ୍ରମୁଖ ଶାସନ ସଚିବ ଶ୍ରୀ ସତ୍ୟବ୍ରତ ସାହୁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଏହି ବୈଠକରେ ମୋଟ ୧୦.୭୫ କୋଟି ଟଙ୍କାର ପ୍ରକଳ୍ପ ଅନୁମୋଦନ କରାଯାଇଛି ଏବଂ ଯଦ୍ଦ୍ୱାରା ବିଭାଗ ପ୍ରାୟ ୨୦ ହଜାର ପୁରାତନ ଛାତ୍ରଛାତ୍ରୀଙ୍କୁ ସଂଶ୍ଳିଷ୍ଟ କରାଯାଇ ପାରିଛି । ଆଜିର ବୈଠକରେ ଓଡ଼ିଶାର ୨୮ଟି ଜିଲ୍ଲାର ୨୬୫୭ଟି ବିଦ୍ୟାଳୟର ପ୍ରକଳ୍ପକୁ ସ୍ୱୀକୃତ ପ୍ରଦାନ କରାଯାଇଛି ।

ଏହି ବୈଠକରେ ଗଜପତିରେ ୫୩.୭୨ ଲକ୍ଷ, ସୁନ୍ଦରଗଡ଼ରେ ୪୬.୭୨ ଲକ୍ଷ, କଳାହାଣ୍ଡିରେ ୩୬.୦୭ ଲକ୍ଷ, ବାଲେଶ୍ୱରରେ ୩୫.୯୨ ଲକ୍ଷ ଏବଂ କଟକରେ ୨୧.୯୩ ଲକ୍ଷ ଟଙ୍କା ପୁରାତନ ଛାତ୍ରଛାତ୍ରୀମାନେ ପ୍ରଦାନ କରିଥିବାର ଜଣାପଡ଼ିଛି । ଏହି ବୈଠକରେ ବିଭିନ୍ନ ପ୍ରକଳ୍ପଗୁଡ଼ିକର ଅଗ୍ରଗତି ଓ ତଦାରଖ ବ୍ୟବସ୍ଥା ଉପରେ ଗୁରୁତ୍ୱ ଦିଆଯାଇ ଆଲୋଚନା କରାଯାଇଥିଲା ଏବଂ 'ମୋ ସ୍କୁଲ' ଅଭିଯାନ ପରିଚାଳନା କର୍ତ୍ତୃପକ୍ଷଙ୍କୁ ଜିଲ୍ଲା ଓ ଗୋଷ୍ଠୀସ୍ତରୀୟ ତଦାରଖ ବ୍ୟବସ୍ଥାକୁ ସୁଦୃଢ଼ ଭାବରେ କାର୍ଯ୍ୟକାରୀ କରିବା ପାଇଁ ପ୍ରମୁଖ ଶାସନ ସଚିବ ନିର୍ଦ୍ଦେଶ ଦେଇଥିଲେ । ଏହି ଜିଲ୍ଲାସ୍ତରୀୟ ତଦାରଖ ଟିମ୍ ପ୍ରତି କାର୍ଯ୍ୟକାରୀ ପରିଷଦର ବୈଠକ ପୂର୍ବରୁ ପ୍ରକଳ୍ପଗୁଡ଼ିକର ଅଗ୍ରଗତି ବିଷୟରେ 'ମୋ ସ୍କୁଲ୍' କର୍ତ୍ତୃପକ୍ଷଙ୍କୁ ଅବଗତ କରାଇବେ । ପ୍ରତି ଜିଲ୍ଲା ସ୍ତରରେ ଏବଂ ଗୋଷ୍ଠୀ ସ୍ତରରେ ଗୋଟିଏ ଗୋଟିଏ 'ମୋ ସ୍କୁଲ' ସହାୟତା ଦଳ ଗଠନ କରିବା ସହ ଏହାକୁ ଅଧିକ କ୍ରିୟାଶୀଳ କରିବା ପାଇଁ ନିଷ୍ପତ୍ତି ନିଆଯିବା ସହ ଓଡ଼ିଶାର ପୁରାତନ ଛାତ୍ରଛାତ୍ରୀମାନଙ୍କଠାରୁ ଗୋଟିଏ ଗୋଟିଏ ଭିଡ଼ିଓ ବାର୍ତ୍ତା ସଂଗ୍ରହ କରିବା ପାଇଁ ନିଷ୍ପତ୍ତି ନିଆଯାଇଥିଲା । ଏ ପର୍ଯ୍ୟନ୍ତ ୨ ଲକ୍ଷରୁ ଊର୍ଦ୍ଧ୍ୱ ପୁରାତନ ଛାତ୍ରଛାତ୍ରୀ ଏବଂ ଅନ୍ୟମାନେ ବିଦ୍ୟାଳୟଗୁଡ଼ିକ ସହ ଯୋଡ଼ି ହୋଇସାରିଛନ୍ତି ।

ଏହି ବୈଠକରେ ରାଜ୍ୟ ପ୍ରକଳ୍ପ ନିର୍ଦ୍ଦେଶକ, ଓସେପା, ନିର୍ଦ୍ଦେଶକ, ମାଧ୍ୟମିକ ଶିକ୍ଷା, ନିର୍ଦ୍ଦେଶକ, ପ୍ରାଥମିକ ଶିକ୍ଷା, ନିର୍ଦ୍ଦେଶକ, ଏସ୍‌ସିଇଆର୍‌ଟି, ବିଭାଗୀୟ ଅତିରିକ୍ତ ଶାସନ ସଚିବ, ମୁଖ୍ୟ କାର୍ଯ୍ୟକାରୀ ଅଧିକାରୀ ଏବଂ ଭାରପ୍ରାପ୍ତ ଅଧିକାରୀ, 'ମୋ ସ୍କୁଲ' ଉପସ୍ଥିତ ଥିଲେ ।

ସଚ୍ଚିଦାନନ୍ଦ ବେହେରା
ସୂଚନା ଅଧିକାରୀ